ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/Tourism(Od)/510/10-09-2025**

# ପ୍ରଭୁ ଶ୍ରୀ ଲିଙ୍ଗରାଜଙ୍କ ଠାରୁ କାଶୀ ବିଶ୍ୱନାଥ ଧାମକୁ ଯାତ୍ରା ମଙ୍ଗଳମୟ ହେଉ

: ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡା

- ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ବରିଷ୍ଠ ନାଗରିକ ତୀର୍ଥଯାତ୍ରା ଯୋଜନାର ପ୍ରଥମ ଟ୍ରେନର ଶୁଭାରମ୍ଭ
- ଅଯୋଧ୍ୟା- ବାରଣାସୀ ଅଭିମୁଖେ ଯାତ୍ରା କଲେ ୬ଟି ଜିଲ୍ଲାରୁ ୭୭୫ ଜଣ ବରିଷ୍ଠ ନାଗରିକ ଓ ୨୫ ଜଣ ଏସ୍କର୍ଟ ଅଧିକାରୀ

ଭୁବନେଶ୍ୱର, ତା ୧୦/୦୯/ ୨୦୨୫ରିଖ

ପ୍ରଭୁ ଶ୍ରୀ ଲିଙ୍ଗରାଜଙ୍କ ଠାରୁ କାଶୀ ବିଶ୍ୱନାଥ ଧାମକୁ ବରିଷ୍ଠ ନାଗରିକ ତୀର୍ଥଯାତ୍ରା ଯୋଜନାର ପ୍ରଥମ ଟ୍ରେନର ଯାତ୍ରା ମଙ୍ଗଳମୟ ହେଉ ବୋଲି ଉପମୁଖ୍ୟମନ୍ତ୍ରୀ ତଥା ପର୍ଯ୍ୟଟନ ବିଭାଗ ମନ୍ତ୍ରୀ ଶ୍ରୀମତୀ ପ୍ରଭାତୀ ପରିଡା ମତ ପ୍ରକାଶ କରିଛନ୍ତି । ୬ଟି ଜିଲ୍ଲାରୁ ୭୭୫ ଜଣ ବରିଷ୍ଠ ନାଗରିକମାନେ ଅଯୋଧ୍ୟାରେ ସନାତନ ଧର୍ମର ପ୍ରାଣକେନ୍ଦ୍ର ତଥା ଭାରତୀୟ ସଂସ୍କୃତିର ପ୍ରତୀକ ପ୍ରଭୁ ଶ୍ରୀ ରାମଲାଲଙ୍କୁ ଦର୍ଶନ କରିବାର ସୁଯୋଗ ପାଇବା ସହ ଭାରତର ପ୍ରସିଦ୍ଧ ଶୈବପୀଠ କାଶୀ ବିଶ୍ୱନାଥ ମନ୍ଦିର ସହ ପବିତ୍ର ଗଙ୍ଗା ଆରତୀ ଓ ଗଙ୍ଗା ଘାଟରେ ଥିବା ମନ୍ଦିରଗୁଡିକୁ ପରିଦର୍ଶନ କରିପାରିବେ । ୨୦୨୫ – ୨୬ ଆର୍ଥିକ ବର୍ଷରେ ବରିଷ୍ଠ ନାଗରିକ ତୀର୍ଥଯାତ୍ରା ଅଧୀନରେ ୧୦ ଟି ପର୍ଯ୍ୟାୟରେ ପ୍ରାୟ ୮୦୦୦ ବରିଷ୍ଠ ନାଗରିକମାନଙ୍କୁ ଭାରତର ବିଭିନ୍ନ ତୀର୍ଥସ୍ଥାନ ଭ୍ରମଣ କରିବାର ସୁଯୋଗ ଦେବା ପାଇଁ ଲକ୍ଷ୍ୟ ରଖାଯାଇଛି ବୋଲି ଉପ-ମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡା ମତବ୍ୟକ୍ତ କରିଛନ୍ତି ।

ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀଙ୍କ ଦିଗଦର୍ଶନରେ ଆଜି ରାଜ୍ୟ ସରକାରଙ୍କ ପର୍ଯ୍ୟଟନ ବିଭାଗ ଓ ଇଣ୍ଡିଆନ ରେଲୱେ କ୍ୟାଟରିଙ୍ଗ, ଟୁରିଜିମ କର୍ପୋରେସନ (IRCTC) ଓ ଖୋର୍ଦ୍ଧା ଜିଲ୍ଲା ପ୍ରଶାସନର ସହଭାଗିତାରେ ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ବରିଷ୍ଠ ନାଗରିକ ତୀର୍ଥଯାତ୍ରା ଯୋଜନାର ପ୍ରଥମ ଟ୍ରେନ ଆଜି ଭୁବନେଶ୍ୱର ରେଳ ଷ୍ଟେସନ ଠାରୁ ଅଯୋଧ୍ୟା – ବାରଣାସୀ ଅଭିମୁଖେ ଯାତ୍ରା ଆରମ୍ଭ କରିଛି ।

କାର୍ଯ୍ୟକ୍ରମରେ ଉପ-ମୁଖ୍ୟମନ୍ତ୍ରୀ ଶ୍ରୀ କନକ ବର୍ଦ୍ଧନ ସିଂହ ଦେଓ ଯୋଗଦେଇ ୭୭୫ ଜଣ ବରିଷ୍ଠ ନାଗରିକମାନଙ୍କୁ ଶୁଭକାମନା ଜଣେଇବା ସହ ବରିଷ୍ଠ ନାଗରିକ ତୀର୍ଥଯାତ୍ରା ଯୋଜନା ମାଧ୍ୟମରେ ଭାରତର ବିଭିନ୍ନ ସଂସ୍କୃତିକୁ ଯୋଡିବାର ପ୍ରୟାସକୁ ପ୍ରଶଂସା କରିଥିଲେ ।

ପ୍ରଥମ ଟ୍ରେନର ଶୁଭାରମ୍ଭ କାର୍ଯ୍ୟକ୍ରମରେ ଉପ-ମୁଖ୍ୟମନ୍ତ୍ରୀ ତଥା ପର୍ଯ୍ୟଟନ ମନ୍ତ୍ରୀ ଶ୍ରୀମତୀ ପ୍ରଭାତୀ ପରିଡା ଓ ଉପ-ମୁଖ୍ୟମନ୍ତ୍ରୀ ଶ୍ରୀ କନକ ବର୍ଦ୍ଧନ ସିଂହ ଦେଓଙ୍କ ସମେତ  ଶିଳ୍ପ, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା ବିଭାଗ ମନ୍ତ୍ରୀ  ଶ୍ରୀ ସମ୍ପଦ ଚରଣ ସ୍ୱାଇଁ, ଭୁବନେଶ୍ୱର-ଏକାମ୍ର ବିଧାୟକ ଶ୍ରୀ ବାବୁ ସିଂ, ପୁରୀ ବିଧାୟକ ଶ୍ରୀ ସୁନିଲ ମହାନ୍ତି, କେନ୍ଦ୍ରାପଡ଼ା ବିଧାୟକ ଶ୍ରୀ ଗଣେଶ୍ୱର ବେହେରା, ପିପିଲି ବିଧାୟକ ଶ୍ରୀ ଆଶ୍ରିତ ପଟ୍ଟନାୟକ, ସତ୍ୟବାଦୀ ବିଧାୟକ ଶ୍ରୀ ଓମ ପ୍ରକାଶ ମିଶ୍ର, ମହାକାଳପଡ଼ା ବିଧାୟକ ଶ୍ରୀ ଦୁର୍ଗା ପ୍ରସନ୍ନ ନାୟକ, ଖୋର୍ଦ୍ଧା ଜିଲ୍ଲାପାଳ ଶ୍ରୀ ଅମୃତ ଋତୁରାଜ ପ୍ରମୁଖ ଯୋଗଦେଇ ପ୍ରଥମ ଟ୍ରେନ ଯାତ୍ରା ପାଇଁ ବରିଷ୍ଠ ନାଗରିକମାନଙ୍କୁ ଶୁଭକାମନା ଜଣାଇଥିଲେ ।  ଶେଷରେ ପର୍ଯ୍ୟଟନ ବିଭାଗ ଅତିରିକ୍ତ ସଚିବ ଶ୍ରୀ ରୁଦ୍ର ନାରାୟଣ ଦାସ ଧନ୍ୟବାଦ ଅର୍ପଣ କରିଥିଲେ।

ଏହି ଯାତ୍ରାରେ ଖୋର୍ଦ୍ଧା ଜିଲ୍ଲାରୁ ୧୬୯ ଜଣ, ପୁରୀରୁ ୧୨୭ ଜଣ, କଟକରୁ ୧୯୭ଜଣ, ଜଗତସିଂହପୁର ୮୫ଜଣ, କେନ୍ଦ୍ରାପଡ଼ାରୁ ୮୯ଜଣ, ଢେଙ୍କାନାଳରୁ ୧୦୮ ଜଣ ପ୍ରମୁଖ ୭୭୫ଜଣ ବରିଷ୍ଠ ନାଗରିକଙ୍କ ସହ ୨୫ ଜଣ ସହାୟକ (ଏସ୍କର୍ଟ) ଅଧିକାରୀ  ଭୁବନେଶ୍ୱର ରେଳ ଷ୍ଟେସନରୁ କେନ୍ଦ୍ର ସରକାରଙ୍କ ଭାରତ ଗର୍ବ ଟ୍ରେନରେ ଅଯୋଧ୍ୟା – ବାରଣାସୀ ଅଭିମୁଖେ ଯାତ୍ରା ଆରମ୍ଭ କରିଛନ୍ତି ।

ତନୁଜା ମହାନ୍ତି
ଲୋକସମ୍ପର୍କ ଅଧିକାରୀ